## କେନ୍ଦୁଝର : ଗ୍ରୀଷ୍ମ ପ୍ରବାହର ମୁକାବିଲା ନିମନ୍ତେ ପ୍ରସ୍ତୁତି ବୈଠକ : ସଚେତନତା ସୃଷ୍ଟି ଉପରେ ଗୁରୁତ୍ୱାରୋପ :

## ଜଳକ୍ଲିଷ୍ଟ ଅଂଚଳରେ ପାନୀୟ ଜଳଯୋଗାଣ ପାଇଁ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ

କେନ୍ଦୁଝର, ୦୬.୦୩. ଚଳିତବର୍ଷ ଗ୍ରୀଷ୍ମ ପ୍ରବାହର ମୁକାବିଲା ନିମନ୍ତେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥ ଦରବାର ହଲ୍ ଠାରେ ଜିଲ୍ଲାପାଳ ଆଶିଷ ଠାକରେଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ତା ୦୬.୦୩.୨୦୨୩ ରିଖ ଦିନ ଅନୁଷ୍ଠିତ ହୋଇଯାଇଛି । ଗ୍ରୀଷ୍ମ ପ୍ରବାହର ମୁକାବିଲା ପାଇଁ ବ୍ୟାପକ ସଚେତନତା ସୃଷ୍ଟି ଉପରେ ଜିଲ୍ଲାପାଳ ଗୁରୁତ୍ୱାରୋପ କରିବା ସହିତ ଜଳକ୍ଲିଷ୍ଟ ଅଂଚଳରେ ପାନୀୟ ଜଳର ବ୍ୟବସ୍ଥା କରିବା ପାଇଁ ଜିଲ୍ଲାପାଳ ଶ୍ରୀ ଠାକରେ ସଂପୃକ୍ତ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଗ୍ରୀଷ୍ମପ୍ରବାହ ସମୟରେ ସତର୍କତା ଅବଲମ୍ବନ ନିମନ୍ତେ ପୋଷ୍ଟର, ଲିଫଲେଟ୍ ଆଦି ପ୍ରଚାରପତ୍ର ଗାଆଁ ଗହଳରେ ବଂଟନ ନିମନ୍ତେ ପଦକ୍ଷେପ ନେବାକୁ ପରାମର୍ଶ ଦେଇଥିଲେ । ଗ୍ରୀଷ୍ମଋତୁରେ ଯେମିତି ପାନୀୟ ଜଳର ସମସ୍ୟା ରହିବ ନାହିଁ, ଅଚଳ ନଳକୂପଗୁଡିକର ତୁରନ୍ତ ମରାମତି ଏବଂ ହାଟବଜାର, ବସ୍ ଷ୍ଟାଣ୍ଡ ତଥା ଜନଗହିଳି ସ୍ଥାନମାନଙ୍କରେ ଜଳଛତ୍ର ଖୋଲି ପିଇବା ଉପଯୋଗୀ ପାନୀୟ ଜଳର ବ୍ୟବସ୍ଥା ଉପରେ ଜିଲ୍ଲାପାଳ ଶ୍ରୀ ଠାକରେ ଗୁରୁତ୍ୱାରୋପ କରି ସଂପୃକ୍ତ ଅଧିକାରୀମାନଙ୍କୁ ବିହିତ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦେଇଛନ୍ତି । ପାନୀୟଜଳ ସମସ୍ୟା ଥିବା ଶିକ୍ଷାନୁଷ୍ଠାନ/ହଷ୍ଟେଲମାନଙ୍କରେ ପାନୀୟ ଜଳ ଯୋଗାଣ ନିମନ୍ତେ ତୁରନ୍ତ ପଦକ୍ଷେପ ନେବାକୁ ସଂପୃକ୍ତ ଅଧିକାରୀଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ । ଗ୍ରୀଷ୍ମ ପ୍ରବାହଜନିତ ଯେପରି କୌଣସି ଜୀବନ ହାନି ନଘଟିବ ସେଥିପାଇଁ ସମସ୍ତେ ଦୃଢ ମାନସିକତା ରଖି କାର୍ଯ୍ୟ କରିବାକୁ କହିଥିଲେ । ଗ୍ରୀଷ୍ମପ୍ରବାହର ମୁକାବିଲା ଓ ପ୍ରସ୍ତୁତି ସଂପର୍କିତ ବିଭିନ୍ନ ପ୍ରସଙ୍ଗ ଉପରେ ବୈଠକରେ ଆଲୋଚନା ହୋଇଥିଲା । ଶ୍ରମିକମାନେ କାର୍ଯ୍ୟ କରୁଥିବା ସ୍ଥାନରେ ପାନୀୟଜଳ ଓ ଆଶ୍ରୟସ୍ଥଳର ବନ୍ଦୋବସ୍ତ କରାଯିବା ସହ ପୂର୍ବାହ୍ନ ୧୧ଟାରୁ ଅପରାହ୍ନ ୩ ଘଟିକା ମଧ୍ୟରେ ଟାଣ ଖରାରେ କାମ ନକରାଇବାକୁ ଏବଂ କାର୍ଯ୍ୟସ୍ଥଳରେ ପାନୀୟ ଜଳର ବ୍ୟବସ୍ଥା, ଆଶ୍ରୟସ୍ଥଳ ଓ ଓଆର୍‌ଏସ୍ ପ୍ୟାକେଟ୍ ମହଜୁଦ ରଖିବା ନିମନ୍ତେ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦିଆଯାଇଛି । ଜିଲ୍ଲାର ସମସ୍ତ ସ୍ୱାସ୍ଥ୍ୟକେନ୍ଦ୍ରମାନଙ୍କରେ ପର୍ଯ୍ୟାପ୍ତ ପରିମାଣରେ ଓଆର୍‌ଏସ୍ ପାଉଡର, ବରଫ, ଅଂଶୁଘାତର ପ୍ରତିକାର ପାଇଁ ଔଷଧପତ୍ର, ଜୀବନ ରକ୍ଷାକାରୀ ଔଷଧ ମହଜୁଦ୍ ରଖିବା, ଆମ୍ବୁଲାନ୍‌ସ୍ ବ୍ୟବସ୍ଥା ସହ ଜନସାଧାରଣଙ୍କୁ ଗ୍ରୀଷ୍ମପ୍ରବାହ ଓ ଅଂଶୁଘାତର ମୁକାବିଲା ପାଇଁ ସଚେତନତା ସୃଷ୍ଟି କରିବା ଏବଂ କଂଟ୍ରୋଲ୍ ରୁମ୍ କାର୍ଯ୍ୟକ୍ଷମ କରିବା ତଥା ସମସ୍ତ ଚିକିତ୍ସାଳୟରେ ଅଂଶୁଘାତ ଆକ୍ରାନ୍ତମାନଙ୍କ ପାଇଁ ସ୍ୱତନ୍ତ୍ର ଚିକିତ୍ସା ନିମନ୍ତେ ବେଡ୍ ପ୍ରସ୍ତୁତ ରଖିବା ପାଇଁ ପଦକ୍ଷେପ ନେବାକୁ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଗ୍ରୀଷ୍ମପ୍ରବାହ ସମୟରେ ଯାତ୍ରୀବାହୀ ବସ ତଥା ଅନ୍ୟାନ୍ୟ ଯାତ୍ରୀବାହୀ ଗାଡିଗୁଡିକର ଚଳାଚଳ ନିୟନ୍ତ୍ରଣ କରିବା, ଗାଡିଗୁଡିକରେ ପର୍ଯ୍ୟାପ୍ତ ପାନୀୟ ଜଳ, ଓ.ଆର୍.ଏସ୍. ପ୍ୟାକେଟ୍ ରଖିବା ଏବଂ ବସ୍ ରହଣୀ ସ୍ଥାନମାନଙ୍କରେ ବିଶ୍ରାମସ୍ଥଳୀ ଓ ଜଳଛତ୍ର ଖୋଲିବା ପାଇଁ ବିହିତ ପଦକ୍ଷେପ ନେବାକୁ ଆଂଚଳିକ ପରିବହନ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ସ୍କୁଲ କଲେଜଗୁଡିକର ଶିକ୍ଷାଦାନ ସମୟ ନିର୍ଦ୍ଧାରଣ କରିବା, ସମସ୍ତ ଶିକ୍ଷାନୁଷ୍ଠାନରେ ପାନୀୟ ଜଳ ଉପଲବ୍ଧ କରାଇବା, ଅଭିଭାବକମାନଙ୍କ ସହ ବୈଠକ କରି ସଚେତନ କରାଇବା ନିମନ୍ତେ ବିହିତ ପଦକ୍ଷେପ ନେବାକୁ ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଜିଲ୍ଲାସ୍ତରରେ, ବ୍ଲକ, ତହସିଲ୍ ଓ ସବ୍‌ଡିଭିଜନ୍‌ସ୍ତରରେ ୨୪ ଘଂଟିଆ କଂଟ୍ରୋଲ୍ ରୁମ୍ କାର୍ଯ୍ୟକ୍ଷମ କରିବା, ୱାଟକୋ, ଆର୍.ଡବ୍ଲ୍ୟୁ.ଏସ୍.ଏସ୍. ଏବଂ ଟି.ପି.ଏନ୍.ଓ.ଡି.ଏଲ୍. ବିଭାଗର କାର୍ଯ୍ୟାଳୟରେ ୨୪ ଘଂଟିଆ କଂଟ୍ରୋଲ୍ ରୁମ୍ ଖୋଲିବା ନିମନ୍ତେ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି । ଜିଲ୍ଲାର ସମସ୍ତ ବ୍ଲକ୍ ଓ ପୌରପାଳିକାସ୍ତରରେ ଅତିଶୀଘ୍ର ପ୍ରସ୍ତୁତି ବୈଠକ ଆହ୍ୱାନ କରି ଆକସନ୍ ପ୍ଲାନ୍ ପ୍ରସ୍ତୁତ କରିବା ପାଇଁ ଜିଲ୍ଲାପାଳ କହିଛନ୍ତି । ଜଳକ୍ଲିଷ୍ଟ ଅଂଚଳରେ ଟ୍ୟାଙ୍କର ଯୋଗେ ପାନୀୟ ଜଳ ଯୋଗାଣର ବ୍ୟବସ୍ଥା, ଜଳଛତ୍ର ବ୍ୟବସ୍ଥା କରିବା ପାଇଁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି । ଅଚଳ ନଳକୂପଗୁଡିକୁ ଯୁଦ୍ଧକାଳୀନ ଭିତିରେ ମରାମତି କରିବା ପାଇଁ ସଂପୃକ୍ତ ବିଭାଗୀୟ ନିର୍ବାହୀ ଯନ୍ତ୍ରୀ ଓ ସହକାରୀ ଯନ୍ତ୍ରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଏଥିରେ ଖିଲାପ୍ କଲେ ସେମାନଙ୍କ ବିରୁଦ୍ଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଜିଲ୍ଲାପାଳ ଶ୍ରୀ ଠାକରେ ଚେତାବନୀ ଦେଇଛନ୍ତି । ଗ୍ରୀଷ୍ମ ପ୍ରବାହ ସମୟରେ ବିଦ୍ୟୁତ୍ କାଟ ନକରିବା ସହିତ ଶିକ୍ଷାନୁଷ୍ଠାନ ଏବଂ ହଷ୍ଟେଲମାନଙ୍କରେ ବିଦ୍ୟୁତ୍ କାଟ ନକରିବା ପାଇଁ ଟି.ପି.ଏନ୍.ଓ.ଡି.ଏଲ୍.ର କର୍ତ୍ତୃପକ୍ଷଙ୍କୁ ନିର୍ଦ୍ଦେଶ ଦେଇଥିଲେ । ଏତଦ୍‌ବ୍ୟତୀତ ପଶୁସମ୍ପଦ ପାଇଁ ପିଇବା ପାଣି, ଗ୍ରୀଷ୍ମପ୍ରବାହ ସମୟରେ କଣ କରିବା ଉଚିତ୍ ଓ କଣ ନକରିବା ଉଚିତ୍ ଏ ସଂପର୍କରେ ଜନସଚେତନତା ସୃଷ୍ଟି କରିବା, ଅଂଶୁଘାତଜନିତ ମୃତ୍ୟୁ ମାମଲାର ତୁରନ୍ତ ତଦନ୍ତ ଆଦି ପ୍ରସଙ୍ଗ ଉପରେ ବୈଠକରେ ବିଶଦଭାବେ ଆଲୋଚନା ହୋଇଥିଲା । ଅଂଶୁଘାତଜନିତ ମୃତ୍ୟୁ ଘଟଣାର ଯୁଗ୍ମ ତଦନ୍ତ କରି ୨୪ ଘଂଟା ମଧ୍ୟରେ ଜିଲ୍ଲା ଆପତକାଳୀନ କାର୍ଯ୍ୟାଳୟକୁ ପଠାଇବା ପାଇଁ ତହସିଲଦାର ଓ ମେଡିକାଲ୍ ଅଫିସରମାନଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ । ଏହି ବୈଠକରେ ପ୍ରାରମ୍ଭରେ ଡେପୁଟି କଲେକ୍ଟର ଏମରଜେନ୍‌ସି ସୁରଞ୍ଜିକା ବେହେରା ସ୍ୱାଗତ ଭାଷଣ ଦେବା ସହ ପ୍ରସ୍ତୁତି ବୈଠକର ଉଦ୍ଦେଶ୍ୟ ସଂପର୍କରେ ଆଲୋକପାତ କରି ଆଲୋଚନା ଆରମ୍ଭ କରିଥିଲେ । ଏହି ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀମତୀ ସୁଷମା ବିଲୁଙ୍ଗ, ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ) ଯଦୁମଣି ମହଲା, ଜିଲ୍ଲା ପରିଷଦ କେନ୍ଦୁଝରର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ବିଷ୍ଣୁ ପ୍ରସାଦ ଆଚାର୍ଯ୍ୟ, ଜିଲ୍ଲା ସହରାଂଚଳ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଘାସିରାମ ମୁର୍ମୁ, କେନ୍ଦୁଝର ଉପଜିଲ୍ଲାପାଳ ରାମଚନ୍ଦ୍ର କିସ୍କୁ, ଆନନ୍ଦପୁର ଉପଜିଲ୍ଲାପାଳ ଅନିଲ କୁମାର ସେଠୀ, [illegible], ଅତିରିକ୍ତ ଜିଲ୍ଲା ଜନ ସ୍ୱାସ୍ଥ୍ୟ ଅଧିକାରୀ (ଭିବିଡି) ଡାଃ ଦେବେନ ଦାସ, ଏସ୍.ଡି.ପି.ଓ ମହେନ୍ଦ୍ରନାଥ ମୁର୍ମୁଙ୍କ ସମେତ ଜିଲ୍ଲାର ବିଭିନ୍ନ ବିଭାଗୀୟ ଜିଲ୍ଲାସ୍ତରୀୟ ଅଧିକାରୀ, ତହସିଲଦାର ଓ ପୌରପାଳିକାର ନିର୍ବାହୀ ଅଧିକାରୀ ପ୍ରମୁଖ ବୈଠକରେ ଯୋଗଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ।

ସଂ/ହୀ/- ୬|୩|୨୦୨୩

ଉପନିର୍ଦ୍ଦେଶକ, ସୂଚନା ଓ ଲୋକ ସଂପର୍କ, କେନ୍ଦୁଝର